The Orissa Gazette

EXTRAORDINARY
PUBLISHED BY AUTHORITY

No. 759 CUTTACK, MONDAY, MAY 9, 2005 / BAISAKHA 19, 1927

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 29 ଅପ୍ରେଲ 2005

ସଂଖ୍ୟା 17780—ଏଲ୍.ଏ. (ବି)-33/2003-(ବୌଦ୍ଧ)-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ବାଘ ମଧ୍ୟମ ଜଳସେଚନ ଯୋଜନା (ଦହ୍ୟା ଡିଷ୍ଟ୍ରିବ୍ୟୁଟାରୀ) ବାହାପୁର ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ବାହାପୁର, ଥାନା ମନମୁଣ୍ଡା, ଜିଲ୍ଲା ବୌଦ୍ଧରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 0.81 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥା ଅନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 19046-ରା., ତା 19 ମଇ 2004 ରିଖ ଓ ରାଜପତ୍ରୁ ସଂଖ୍ୟା 770, ତା 5 ଅଗଷ୍ଟ 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director, Printing, Stationery and Publication, Orissa, Cuttack-10
Ex. Gaz. 219–193+25